# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**25 June– 2026**

# ଅଗ୍ନି ନିରାପତ୍ତା ବାଧ୍ୟତାମୂଳକ

ଛାତ୍ରଛାତ୍ରୀଙ୍କ ସୁରକ୍ଷାକୁ ଦୃଷ୍ଟିରେ ରଖି ରାଜ୍ୟ ବିପର୍ଯ୍ୟୟ ପରିଚାଳନା କର୍ତ୍ତୃପକ୍ଷ ସମସ୍ତ ଶିକ୍ଷାନୁଷ୍ଠାନ, କୋଚିଂ ସେଣ୍ଟର ଏବଂ ଦକ୍ଷତା ବିକାଶ କେନ୍ଦ୍ର ଗୁଡ଼ିକରେ ଅଗ୍ନି ନିରାପତ୍ତାକୁ ବାଧ୍ୟତାମୂଳକ କରିଛନ୍ତି । ନୂତନ ଶିକ୍ଷାବର୍ଷ ଆରମ୍ଭରେ ସୁରକ୍ଷା ନିୟମର କଡ଼ାକଡ଼ି ଅନୁପାଳନ ସହ ୧୫ଦିନ ମଧ୍ୟରେ ଅଡିଟ୍ କରାଯିବାକୁ ନିର୍ଦ୍ଦେଶ ଦିଆଯାଇଛି । ଉତ୍ତରପ୍ରଦେଶର ଲକ୍ଷ୍ନୌଠାରେ ଘଟିଥିବା ଅଗ୍ନିକାଣ୍ଡକୁ ଦୃଷ୍ଟିରେ ରଖି ସରକାରଙ୍କ ପକ୍ଷରୁ ଏହି ନିର୍ଦ୍ଦେଶନାମା ଜାରି କରାଯାଇଛି । ଏହି ପରିପ୍ରେକ୍ଷୀରେ ସମସ୍ତ ଜିଲ୍ଲାପାଳ ତଥା ବିପର୍ଯ୍ୟୟ ପରିଚାଳନା କର୍ତ୍ତୃପକ୍ଷଙ୍କୁ ଏ ସମ୍ପର୍କରେ ଅବଗତ କରାଯାଇଛି ।

# ସାମ୍ବାଦିକ ପେନ୍ସନ ପ୍ରସଙ୍ଗ

ରାଜ୍ୟରେ ବରିଷ୍ଠ ସାମ୍ବାଦିକଙ୍କୁ ପେନ୍ସନ ପ୍ରଦାନ ପ୍ରସଙ୍ଗରେ ଓଡ଼ିଶା ହାଇକୋର୍ଟ ୩ ମାସ ମଧ୍ୟରେ ଉପଯୁକ୍ତ ନିଷ୍ପତ୍ତି ନେବାକୁ ରାଜ୍ୟ ସରକାରଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଏହି ସମୟ ମଧ୍ୟରେ ପେନ୍ସନ ସମ୍ପର୍କିତ ପ୍ରଶାସନିକ ଓ ଆର୍ଥିକ ଦିଗକୁ ବିଚାର କରି ଆବଶ୍ୟକ ପଦକ୍ଷେପ ନେବାକୁ ଜଷ୍ଟିସ ଏସ୍.କେ. ପାଣିଗ୍ରାହୀ ସରକାରଙ୍କୁ ପରାମର୍ଶ ଦେଇଛନ୍ତି ।

# ଇଂରାଜୀ ବନାନ ସଂଶୋଧନ

ରାଜ୍ୟର ୬୪ଟି ସ୍ଥାନର ଇଂରାଜୀ ବନାନ ସଂଶୋଧନ ପାଇଁ ସରକାର ବିଜ୍ଞପ୍ତି ପ୍ରକାଶ କରିଛନ୍ତି । ଏ ସମ୍ପର୍କରେ ରାଜସ୍ୱ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ଅରବିନ୍ଦ ପାଢ଼ୀ ସମସ୍ତ ଜିଲ୍ଲାପାଳଙ୍କୁ ପତ୍ର ଲେଖିଛନ୍ତି । ବିଜ୍ଞପ୍ତି ପ୍ରକାଶ ପାଇବାର ୧ ମାସ ମଧ୍ୟରେ ସମସ୍ତ ସରକାରୀ କାର୍ଯ୍ୟାଳୟର ନାମଫଳକ, ବିଜ୍ଞାପନ ଫଳକ ଆଦିରେ ସଂଶୋଧିତ ଇଂରାଜୀ ବନାନ ଲେଖିବାକୁ ପଦକ୍ଷେପ ନେବାପାଇଁ ଜିଲ୍ଲାପାଳମାନଙ୍କୁ ପତ୍ର ମାଧ୍ୟମରେ ପରାମର୍ଶ ଦିଆଯାଇଛି ।

# ଗ୍ୟାସ୍ ଲିକ୍-ଆଉ ଜଣେ ମୃତ

ତାମିଲନାଡୁ ଗ୍ୟାସ୍ ଲିକ୍ ଘଟଣାରେ ଆଉଜଣେ ଓଡ଼ିଆ ଯୁବତୀ ପ୍ରାଣ ହରାଇଛନ୍ତି । ଏଥିସହ ମୃତ୍ୟୁସଂଖ୍ୟା ୮କୁ ବୃଦ୍ଧି ପାଇଛି । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ପୂର୍ବରୁ ଗ୍ୟାସ୍‌ଲିକ୍‌ରେ ପ୍ରାଣ ହରାଇଥିବା ଓଡିଆ ଶ୍ରମିକଙ୍କ ପରିବାରବର୍ଗଙ୍କ ପାଇଁ ୧୦ଲକ୍ଷ ଟଙ୍କା ଲେଖାଏଁ ଅନୁକମ୍ପାମୂଳକ ସହାୟତା ରାଶି ଘୋଷଣା କରିଛନ୍ତି ।

# ଇଭିଏମ୍ ଯାଞ୍ଚ

ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ ଆର୍. ସନ୍ଥ ଗୋପାଳନ ନବରଙ୍ଗପୁର ଜିଲ୍ଲା ଗସ୍ତରେ ଯାଇ ମାଝିଗୁଡ଼ାରେ ଥିବା ଇଭିଏମ୍ ଓ ଭିଭିପାଟ ଗୋଦାମ ଯାଞ୍ଚ କରିଥିଲେ । ଏହି ଅବସରରେ ଶ୍ରୀ ଗୋପାଳନ ଜିଲ୍ଲାରେ ସ୍ୱତନ୍ତ୍ର ସଘନ ସଂଶୋଧନ ପ୍ରକ୍ରିୟାର ପରିଚାଳନା ନେଇ ସମୀକ୍ଷା କରିଥିଲେ ।

## ଆଇନ୍ ମନ୍ତ୍ରୀ-ଆଲୋଚନା

ଗଜପତି ଜିଲ୍ଲା ପାରଳାଖେମୁଣ୍ଡିଠାରେ 'ବିକାଶର ଧାରା ଓଡ଼ିଶା ସାରା' କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି । ଏଥିରେ ଆଇନ୍‌ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଯୋଗଦେଇ କହିଛନ୍ତି ରାଜ୍ୟର ପ୍ରତ୍ୟେକ ନାଗରିକଙ୍କ ପାଖରେ ବିକାଶର ସୁଫଳ ପହଞ୍ଚାଇବା ସରକାରଙ୍କ ଲକ୍ଷ୍ୟ । ଏହି ଅବସରରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ରାଜ୍ୟରେ କାର୍ଯ୍ୟକାରୀ ହେଉଥିବା କେନ୍ଦ୍ର ଏବଂ ରାଜ୍ୟ ସରକାରଙ୍କର ବିଭିନ୍ନ ଜନକଲ୍ୟାଣକାରୀ ଯୋଜନା ସମ୍ପର୍କରେ ଶ୍ରୀ ହରିଚନ୍ଦନ ଆଲୋଚନା କରିଥିଲେ ।

## ବିଜେପି ୨ ବର୍ଷ ପୂର୍ତ୍ତି କାର୍ଯ୍ୟକ୍ରମ

ରାଜ୍ୟ ସରକାରଙ୍କ ୨ବର୍ଷ ପୂର୍ତ୍ତି ଅବସରରେ ନବରଙ୍ଗପୁର ଜିଲ୍ଲା ରାଇଘର ବ୍ଲକ ଗଞ୍ଜାପାରା ପଞ୍ଚାୟତରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ଯୋଗ ଦେଇଥିଲେ । ଜିଲ୍ଲାରେ ବିଭିନ୍ନ ବିକାଶମୂଳକ କାର୍ଯ୍ୟକ୍ରମ ଏବଂ ତା'ର ସଫଳତା ସମ୍ପର୍କରେ ଶ୍ରୀ ଗଣ୍ଡ ଆଲୋଚନା କରିଥିଲେ । ଏହି ଅବସରରେ ବିଭିନ୍ନ ଯୋଜାନର ହିତାଧିକାରୀଙ୍କୁ ସହାୟତା ରାଶି ବଣ୍ଟନ କରାଯାଇଥିଲା ।

ଗଞ୍ଜାମ ଜିଲ୍ଲା ଛତ୍ରପୁର ପୌର ପରିଷଦ ପରିସରରେ ସହରାଞ୍ଚଳ ଜନସମ୍ପର୍କ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବା ସହ ବିକାଶଧାରା ଓଡ଼ିଶା ସାରା ବୁକ୍‌ଲେଟ୍ ଉନ୍ମୋଚନ କରାଯାଇଛି । ଛତ୍ରପୁର ବିଧାୟକ କୃଷ୍ଣଚନ୍ଦ୍ର ନାୟକ କାର୍ଯ୍ୟକ୍ରମରେ ଯୋଗଦେଇ ନାଗରିକ କୈନ୍ଦ୍ରିକ ସହରୀ ଶାସନକୁ ସୁଦୃଢ଼

କରିବା ଏବଂ ସହରୀ ବିକାଶରେ ଜନସାଧାରଣଙ୍କର ଅଂଶଗ୍ରହଣ ସୁନିଶ୍ଚିତ କରିବା ଉପରେ ଆଲୋକପାତ କରିଥିଲେ ।

## ବୈଠକ

ଭଦ୍ରକ ଜିଲ୍ଲାରେ ଆରକ୍ଷୀ ଅଧୀକ୍ଷକ ମନୋଜ କୁମାର ରାଉତଙ୍କ ଅଧ୍ୟକ୍ଷତାରେ ଅବୈଧ ନିଶାଦ୍ରବ୍ୟ କାରବାରକୁ ରୋକିବା ପାଇଁ ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି । ଏଥିରେ ନିଶାଦ୍ରବ୍ୟ ଚୋରାଚାଲାଣକୁ ରୋକିବା ସହ ବିଭିନ୍ନ ବିଭାଗ ମଧ୍ୟରେ ସମନ୍ୱୟ ବୃଦ୍ଧି ଏବଂ ସଚେତନତା ସୃଷ୍ଟି ଉପରେ ଗୁରୁତ୍ୱାରୋପ କରାଯାଇଥିଲା ।

## ଶ୍ରୀମନ୍ଦିର ନୀତି

ପୁରୀ ଶ୍ରୀମନ୍ଦିରରେ ଆଜି ଜ୍ୟେଷ୍ଠ ଶୁକ୍ଳ ଏକାଦଶୀ ତିଥିରେ ରୁକ୍ମିଣୀ ହରଣ ଓ ବିବାହ ଉତ୍ସବ ନୀତି ଅନୁଷ୍ଠିତ ହେବ । ଏହି ନୀତି ପାଇଁ ପ୍ରଥମ ଭୋଗମଣ୍ଡପ ଶେଷ ହେବା ପରେ ପ୍ରାୟ ୫ ଘଣ୍ଟା ସର୍ବସାଧାରଣ ଦର୍ଶନ ବନ୍ଦ ରହିବ ବୋଲି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି ।

## ସମ୍ବିଧାନ ହତ୍ୟା ଦିବସ

ଭାରତରେ ଜରୁରିକାଳୀନ ପରିସ୍ଥିତି ଲାଗୁ ହେବାର ୫୧ ବର୍ଷ ପୂର୍ତ୍ତିକୁ ଆଜି ସମ୍ବିଧାନ ହତ୍ୟା ଦିବସ ଭାବେ ପାଳନ କରାଯାଉଛି ।  ୧୯୭୫ ମସିହା ଜୁନ୍ ମାସ ୨୫ ତାରିଖରେ ଭାରତୀୟ ସମ୍ବିଧାନ ପ୍ରତି ଅମର୍ଯ୍ୟାଦା ପ୍ରଦର୍ଶନପୂର୍ବକ ତତ୍କାଳୀନ ସରକାର ଦେଶରେ ଜରୁରିକାଳୀନ ପରିସ୍ଥିତି ଲାଗୁ କରିଥିଲେ। ଦେଶର ଗଣତାନ୍ତ୍ରିକ ଇତିହାସର ମର୍ଯ୍ୟାଦା କ୍ଷୁର୍ଣ୍ଣ

କରିଥିବା ସେହି ଦିନକୁ ମନେ ପକାଇ ଆଜି ଦେଶର କୋଣ-ଅନୁକୋଣରେ ସମ୍ବିଧାନ ହତ୍ୟା ଦିବସ ପାଳନ କରାଯାଉଛି ।

# ଦୌଡ଼କୁଦ ପ୍ରତିଯୋଗିତା

ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମରେ ୬୫ତମ ଜାତୀୟ ଆନ୍ତଃରାଜ୍ୟ ବରିଷ୍ଠ ଦୌଡକୁଦ ପ୍ରତିଯୋଗିତା ଆରମ୍ଭ ହୋଇଛି । କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଏହାକୁ ଉଦ୍‌ଘାଟନ କରିଛନ୍ତି । ପ୍ରତିଯୋଗିତାର ପ୍ରଥମ ଦିନରେ ପୁରୁଷ ପୋଲଭୋଲ୍ଟରେ ଦେବକୁମାର ମୀନା ନୂତନ ଜାତୀୟ କୀର୍ତ୍ତିମାନ ସହ ଏସୀୟ କ୍ରୀଡ଼ା ୨୦୨୬ ଲାଗି ଯୋଗ୍ୟତା ଅର୍ଜନ କରିଛନ୍ତି । ସେହିପରି ମହିଳା ୧୦୦ ମିଟର ହର୍ଡଲ ରେସ୍‌ରେ ଓଡ଼ିଶାର ପ୍ରଜ୍ଞା ସାହୁ କାଂସ୍ୟ ପଦକ ଜିତିଛନ୍ତି ।

# ପାଣିପାଗ

ରାଜ୍ୟରେ ଦକ୍ଷିଣ ପଶ୍ଚିମ ମୌସୁମୀ ବାୟୁ ସକ୍ରିୟ ରହିଛି । ଏହାର ପ୍ରଭାବରେ ବିଭିନ୍ନ ସ୍ଥାନରେ ବର୍ଷା ହୋଇଯାଇଛି । ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ଆସନ୍ତା ୨୪ଘଣ୍ଟା ମଧ୍ୟରେ ବିଜୁଳି ଘଡ଼ଘଡ଼ି ସହ ବର୍ଷା ହେବା ନେଇ ପ୍ରାୟ ସମସ୍ତ ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି । ଅପରପକ୍ଷରେ ବର୍ଷାର ପ୍ରଭାବରେ ରାଜ୍ୟର ତାପମାତ୍ରା ହ୍ରାସ ପାଇଛି । ଗତକାଲି ନୂଆପଡା ଓ ଜଗତ୍‌ସିଂହପୁର ସର୍ବାଧିକ ତାପମାତ୍ରା ୩୯ ଡିଗ୍ରୀ ସେଲସିୟସ ରହିଥିଲା ।